ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ, ଓଡିଶା

16ତମ ଟାଟା ଷ୍ଟିଲ ଫ୍ରେଣ୍ଡସିପ୍ କପ ଫୁଟବଲ ଟୁର୍ଣ୍ଣାମେଣ୍ଟ- 2026

ମିଡିଆ 11 ଟିମ୍ ଚମ୍ପିୟାନ, ଅଫିସର୍ସ 11 ଟିମ୍ ରନର୍ସ ଅପ୍

ଖେଳୁଆଡ ମନୋଭାବ ଏବଂ ଭାଇଚାରା ହିଁ ସୁସ୍ଥ ସମାଜର ମୂଳଦୁଆ- ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର
୨୬ ସେପ୍ଟେମ୍ବର ୨୦୨୬

ଖେଳକୁଦ ଜୀବନର ଏକ ଅବିଚ୍ଛେଦ୍ୟ ଅଙ୍ଗ, ଏହା ମାଧ୍ୟମରେ ସମାଜରେ ଏକତା, ଭାଇଚାରା ଓ ସଦ୍‌ଭାବନା ଅସିଥାଏ ବୋଲି ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ ଆଜି ଭୁବନେଶ୍ୱର କଳିଙ୍ଗ ଷ୍ଟାଡିଅମରେ ଆୟୋଜିତ 16ତମ ଟାଟା ଷ୍ଟିଲ ଫ୍ରେଣ୍ଡସିପ୍ କପ ଫୁଟବଲ ଟୁର୍ଣ୍ଣାମେଣ୍ଟ- 2026 ରେ ଯୋଗଦେଇ କହିଛନ୍ତି ।

ସୂଚନାଯୋଗ୍ୟ ଯେ, ଆଜି କଳିଙ୍ଗ ଷ୍ଟାଡିଅମ ଠାରେ ଟାଟା ଷ୍ଟିଲ ଫ୍ରେଣ୍ଡସିପ୍ କପ ଫୁଟବଲ ଟୁର୍ଣ୍ଣାମେଣ୍ଟ ଅବସରରେ ଜନପ୍ରତିନିଧି, ପ୍ରଶାସନିକ ଅଧିକାରୀ, ଗଣମାଧ୍ୟମର ପ୍ରତିନିଧି ଓ ଟାଟା ଷ୍ଟିଲ ମଧ୍ୟରେ ଏକ ବନ୍ଧୁତ୍ୱପୂର୍ଣ୍ଣ ଫୁଟବଲ ଟୁର୍ଣ୍ଣାମେଣ୍ଟ ଆୟୋଜନ କରାଯାଇଥିଲା । ଏହି ଟୁର୍ଣ୍ଣାମେଣ୍ଟରେ ମିଡିଆ 11 ଟିମ୍ ଚମ୍ପିୟାନ ହୋଇଥିବା ବେଳେ ଅଫିସର୍ସ 11 ଟିମ୍ ରନର୍ସ ଅପ୍ ହୋଇଥିଲେ ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ନିକଟରେ ଚିନ୍ ଠାରେ ଅନୁଷ୍ଠିତ ଜୁନିୟର ଏସିଆ କପ୍ ହକି 2026ରେ ଚମ୍ପିଆନ ହୋଇଥିବା ଭାରତୀୟ ପୁରୁଷ ଓ ମହିଳା ହକି ଦଳରେ ଓଡିଶାରୁ ପ୍ରତିନିଧିତ୍ୱ କରିଥିବା ୭ଜଣ ପୁରୁଷ ଓ ୩ଜଣ ମହିଳା ହକି ଖେଳାଳୀଙ୍କୁ ସମ୍ବର୍ଦ୍ଧିତ କରିବା ସହିତ ପ୍ରତ୍ୟେକ ଖେଳାଳୀଙ୍କୁ ୧.୨୫ ଲକ୍ଷ ଟଙ୍କାର ପୁରସ୍କାର ପ୍ରଦାନ କରିଥିଲେ ।

ବନ୍ଧୁତ୍ୱପୂର୍ଣ୍ଣ ପ୍ରତିଯୋଗିତାରେ ସମସ୍ତଙ୍କ ଉତ୍ସାହଜନକ ଅଂଶ ଗ୍ରହଣକୁ ପ୍ରଶଂସା କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ, ଖେଳ ମୈଦାନରେ ଜିତିବା କିମ୍ବା ହାରିବା ଠାରୁ ବଡ କଥା ହେଉଛି ସ୍ପୋର୍ଟ୍ସମ୍ୟାନ୍ ସ୍ପିରିଟ୍ । ଏହି ଖେଳ ମାଧ୍ୟମରେ ଆମ ସମସ୍ତଙ୍କ ମାଧ୍ୟରେ ଏକ ସମନ୍ୱୟ ମଧ୍ୟ ସ୍ଥାପନ ହେଉଛି । ଖେଳୁଆଡ ମନୋଭାବ ଏବଂ ଭାଇଚାରା ସୁସ୍ଥ ସମାଜର ମୂଳଦୁଆ । ଟାଟା ଷ୍ଟିଲର ସାମାଜିକ ଦାୟିତ୍ୱବୋଧତାକୁ ପ୍ରଶଂସା କରିବା ସହିତ ପ୍ରତିବର୍ଷ ଏଭଳି ବନ୍ଧୁତ୍ୱପୂର୍ଣ୍ଣ ଟୁର୍ଣ୍ଣାମେଣ୍ଟ ଆୟୋଜନ କରୁଥିବାରୁ ମୁଖ୍ୟମନ୍ତ୍ରୀ ଧନ୍ୟବାଦ ଦେଇଥିଲେ ।

ଏହି ଅବସରରେ ଉପମୁଖ୍ୟମନ୍ତ୍ରୀ ଶ୍ରୀ କନକ ବର୍ଦ୍ଧନ ସିଂ ଦେଓ, ପଞ୍ଚାୟତିରାଜ ଓ ପାନୀୟ ଜଳ ମନ୍ତ୍ରୀ ଶ୍ରୀ ରବି ନାରାୟଣ ନାୟକ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ଶିଳ୍ପ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା ମନ୍ତ୍ରୀ ଶ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ଉଚ୍ଚଶିକ୍ଷା, କ୍ରୀଡା ଓ ଯୁବସେବା ମନ୍ତ୍ରୀ ଶ୍ରୀ ସୂର୍ଯ୍ୟବଂଶୀ ସୂରଜ, ଶାସକ ଦଳର ମୁଖ୍ୟ ସଚେତକ ଶ୍ରୀ ସରୋଜ କୁମାର ପ୍ରଧାନ, ଟାଟା ଷ୍ଟିଲ୍‌ର ଭାଇସ୍ ପ୍ରେସିଡେଣ୍ଟ (କର୍ପୋରେଟ୍ ସର୍ଭିସେସ୍) ଶ୍ରୀ ଡି.ବି. ସୁନ୍ଦର ରମମ୍  ଓ ଅନ୍ୟ ବିଧାୟକ ଓ ଗଣମାଧ୍ୟମର ପ୍ରତିନିଧିମାନେ ବହୁ ସଂଖ୍ୟାରେ ଉପସ୍ଥିତ ଥିଲେ ।